# ରଥଯାତ୍ରା ୨୦୨୫ ପାଇଁ ଟ୍ରାଫିକ୍ ନିୟମାବଳୀ

## ନିୟମିତ ଯାତ୍ରୀବାହୀ ସେବା

- ତାଳବଣିଆ ପଟୁ ଆସୁଥିବା ଅଟୋଗୁଡିକ ଓ୍ୱାଟରଓ୍ୱାର୍କସ୍ ରୋଡ, ଓଡିଶା ବେକେରୀ ଓ ରାମ ମନ୍ଦିର ଦେଇ ଘୋଡା ବଜାର ପର୍ଯ୍ୟନ୍ତ ଆସିପାରିବେ । ଫେରିଲାବେଳେ ରାମ ମନ୍ଦିର, ଶ୍ରୀକ୍ଷେତ୍ର କଲୋନୀ ଓ ମଙ୍ଗଳା ମନ୍ଦିର ବାଟ ଦେଇ ପ୍ରସ୍ଥାନ କରିବେ ।

- ମାଳତୀପାଟପୁର ପଟୁ ଆସୁଥିବା ଅଟୋଗୁଡିକ ବାଟଗାଁ ଛକ ଦେଇ ଅଠରନଳା ପର୍ଯ୍ୟନ୍ତ ଆସିପାରିବେ । ସେହି ସମାନ ବାଟ ଦେଇ ପ୍ରସ୍ଥାନ କରିବେ ।

- ବ୍ରହ୍ମଗିରି ପଟୁ ଆସୁଥିବା ଅଟୋଗୁଡିକ ମଙ୍ଗଳାଘାଟ ଛକ ଦେଇ ଷ୍ଟର୍ଲିଂ ଛକ ପର୍ଯ୍ୟନ୍ତ ଆସିପାରିବେ । ସେହି ସମାନ ବାଟ ଦେଇ ପ୍ରସ୍ଥାନ କରିବେ ।




Any one requiring any assistance 24x7 Puri Police help line number-
6370967100

SPPuri1 SPPuri SPPuri

# ରଥଯାତ୍ରା ୨୦୨୫ ପାଇଁ ଟ୍ରାଫିକ୍ ନିୟମାବଳୀ

## ପର୍ଯ୍ୟଟକ ବସ୍

### ବ୍ରହ୍ମଗିରି ପାର୍ଶ୍ୱ




•ବ୍ରହ୍ମଗିରି ପଟୁ ଆସୁଥିବା ସମସ୍ତ ପର୍ଯ୍ୟଟକ ଯାତ୍ରୀବାହୀ ବସ ଗୁଡିକ ଫ୍ଲୋରିଶ ଇଣ୍ଡିଆ ପାର୍କିଂ ଠାରେ ରହଣି କରିବେ ।

### ଭୁବନେଶ୍ୱର ପାର୍ଶ୍ୱ




•ଭୁବନେଶ୍ୱର ପଟୁ ଆସୁଥିବା ସମସ୍ତ ପର୍ଯ୍ୟଟକ ଯାତ୍ରୀବାହୀ ବସ ଗୁଡିକ ମାଳତିପାଟପୁର ବସଷ୍ଟାଣ୍ଡ ଠାରେ ରହଣି କରିବେ ।

### କୋଣାର୍କ ପାର୍ଶ୍ୱ




•କୋଣାର୍କ ପଟୁ ଆସୁଥିବା ସମସ୍ତ ପର୍ଯ୍ୟଟକ ଯାତ୍ରୀବାହୀ ବସ ଗୁଡିକ ସ୍ୱାମୀ ନାରାୟଣ ମନ୍ଦିର ଠାରେ ରହଣି କରିବେ ।

Any one requiring any assistance 24x7 Puri Police help line number- 6370967100

X SPPuri1 Facebook SPPuri Instagram SPPuri

# ରଥଯାତ୍ରା ୨୦୨୫ ପାଇଁ ଟ୍ରାଫିକ୍ ନିୟମାବଳୀ

## ଦୁଇଚକିଆ ଯାନ

### ବ୍ରହ୍ମଗିରି ପାର୍ଶ୍ୱ




ବ୍ରହ୍ମଗିରି ପଟୁ ଆସୁଥିବା ସମସ୍ତ ଦୁଇଚକିଆ ଯାନ ଗୁଡିକ ମଙ୍ଗଳାଘାଟ ଛକ ଠାରୁ ମଶାଣିଚଣ୍ଡୀ ଛକ, ଦେବିଘାଟ ଛକ ଦେଇ ଜଗନ୍ନାଥ ବଲ୍ଲଭ ଠାରେ ନିଜ ନିଜର ଯାନ ଗୁଡିକୁ ରଖିବେ । ଜଗନ୍ନାଥ ବଲ୍ଲଭ ପୂର୍ଣ୍ଣ ହୋଇଯିବା ପରେ ସମସ୍ତ ଦୁଇଚକିଆ ଯାନ ଗୁଡିକ ମଶାଣିଚଣ୍ଡୀ ଛକ ଠାରୁ ମାଟିତୋଟା ଖେଳ ପଡିଆ ଠାରେ ନିଜ ନିଜର ଯାନ ଗୁଡିକୁ ରଖିବେ । ମାଟିତୋଟା ଖେଳ ପଡିଆ ପୂର୍ଣ୍ଣ ହୋଇଯିବା ପରେ ସମସ୍ତ ଦୁଇଚକିଆ ଯାନ ଗୁଡିକ ମଙ୍ଗଳାଘାଟ ଛକ ଠାରୁ ଶ୍ରୀସେତୁ ଦେଇ ମାଟିତୋଟା ହେଲିପ୍ୟାଡ୍ ପଡିଆ ଠାରେ ନିଜ ନିଜର ଯାନ ଗୁଡିକୁ ରଖିବେ । ଜଗନ୍ନାଥ ବଲ୍ଲଭ ଠାରେ ରଖିଥିବା ଯାନ ଗୁଡିକ ନରେନ୍ଦ୍ର କୋଣ, ମଙ୍ଗଳାଘାଟ ଛକ ଦେଇ ବ୍ରହ୍ମଗିରି ପାଇଁ ପ୍ରସ୍ଥାନ କରିବେ ।

### ଭୁବନେଶ୍ୱର ପାର୍ଶ୍ୱ




ଭୁବନେଶ୍ୱର ପଟୁ ଆସୁଥିବା ସମସ୍ତ ଦୁଇଚକିଆ ଯାନ ଗୁଡିକ ମଙ୍ଗଳାଘାଟ ଛକ ଠାରୁ ମଶାଣିଚଣ୍ଡୀ ଛକ, ଦେବିଘାଟ ଛକ ଦେଇ ଜଗନ୍ନାଥ ବଲ୍ଲଭ ଠାରେ ନିଜ ନିଜର ଯାନ ଗୁଡିକୁ ରଖିବେ । ଜଗନ୍ନାଥ ବଲ୍ଲଭ ପୂର୍ଣ୍ଣ ହୋଇଯିବା ପରେ ସମସ୍ତ ଦୁଇଚକିଆ ଯାନ ଗୁଡିକ ମଶାଣିଚଣ୍ଡୀ ଛକ ଠାରୁ ମାଟିତୋଟା ଖେଳ ପଡିଆ ଠାରେ ନିଜ ନିଜର ଯାନ ଗୁଡିକୁ ରଖିବେ । ମାଟିତୋଟା ଖେଳ ପଡିଆ ପୂର୍ଣ୍ଣ ହୋଇଯିବା ପରେ ସମସ୍ତ ଦୁଇଚକିଆ ଯାନ ଗୁଡିକ ମଙ୍ଗଳାଘାଟ ଛକ ଠାରୁ ଶ୍ରୀସେତୁ ଦେଇ ମାଟିତୋଟା ହେଲିପ୍ୟାଡ୍ ପଡିଆ ଠାରେ ନିଜ ନିଜର ଯାନ ଗୁଡିକୁ ରଖିବେ । ଜଗନ୍ନାଥ ବଲ୍ଲଭ ଠାରେ ରଖିଥିବା ଯାନ ଗୁଡିକ ନରେନ୍ଦ୍ର କୋଣ, ଜଟିଆ ବାବାଜୀ ଛକ, କୁମ୍ଭାରପଡା ଥାନା, ଅଠରନଳା ଓ ବାଟଗାଁ ଛକ ଦେଇ ଭୁବନେଶ୍ୱର ପାଇଁ ପ୍ରସ୍ଥାନ କରିବେ ।

### କୋଣାର୍କ ପାର୍ଶ୍ୱ




କୋଣାର୍କ ପଟୁ ଆସୁଥିବା ସମସ୍ତ ଦୁଇଚକିଆ ଯାନ ଗୁଡିକ ବାଇଦାସ ନଗର ଛକ, ଗ୍ରୀଡ ଷ୍ଟେସନ୍ ଛକ, ପେଣ୍ଠକଟା ଛକ, ସୁବାଷ ବୋସ ଛକ ଦେଇ ବ୍ଲୁ ଫ୍ଲାଗ ବେଳାଭୂମି ଓ ନୀଳାଚଳ ଅଶୋକ ଠାରେ ନିଜ ନିଜର ଯାନ ଗୁଡିକୁ ରଖିବେ । ପୁଣି ସେଠାରୁ ସେହି ସମାନ ବାଟ ଦେଇ ପ୍ରସ୍ଥାନ କରିବେ ।

**Any one requiring any assistance 24x7 Puri Police help line number- 6370967100**

SPPuri1 SPPuri SPPuri

# ରଥଯାତ୍ରା ୨୦୨୫ ପାଇଁ ଟ୍ରାଫିକ୍ ନିୟମାବଳୀ

## ଚାରିଚକିଆ ଯାନ

### ବ୍ରହ୍ମଗିରି ପାର୍ଶ୍ୱ




ବ୍ରହ୍ମଗିରି ପଟୁ ଆସୁଥିବା ସମସ୍ତ ହାଲୁକା ମୋଟର ଯାନଗୁଡିକ ମଙ୍ଗଳାଘାଟ ଛକ ଠାରୁ ଷ୍ଟର୍ଲିଂ ଛକ ପର୍ଯ୍ୟନ୍ତ ଯିବେ ଓ ସେଠାରେ ନିର୍ଦ୍ଧାରିତ ହୋଇଥିବା ଯାନ ରହଣି ସ୍ଥଳ ଠାରେ ନିଜ ନିଜର ଯାନଗୁଡିକୁ ରଖିବେ । ପୁଣି ସେଠାରୁ ସେହି ସମାନ ବାଟ ଦେଇ ପ୍ରସ୍ଥାନ କରିବେ ।

### ଭୁବନେଶ୍ୱର ପାର୍ଶ୍ୱ




ଭୁବନେଶ୍ୱର ପଟୁ ଆସୁଥିବା ସମସ୍ତ ହାଲୁକା ମୋଟର ଯାନଗୁଡିକ ମାଳତିପାଟପୁର ବ୍ରିଜ, ବାଇଦାସ ନଗର ଛକ, ଗ୍ରୀଡ ଷ୍ଟେସନ୍ ଛକ ଦେଇ ତାଳବଣିଆ ପଟେ ନିର୍ଦ୍ଧାରିତ ଯାନ ରହଣି ସ୍ଥଳ ପର୍ଯ୍ୟନ୍ତ ଯିବେ । ତାଳବଣିଆ ପଟେ ବିଧାନସଭା ଅତିଥି ଭବନ, ଶିକ୍ଷ ତାଲିମ କେନ୍ଦ୍ର, ହେଲିପ୍ୟାଡ୍, ଇଣ୍ଡୋର ଷ୍ଟାଡିଅମ, ଉଦ୍ୟାନ କୃଷି ପଡିଆ ଓ ସ୍ୱଚ୍ଛ ମାଛ ବଜାର ଠାରେ କ୍ରମାନ୍ୱୟରେ ନିଜ ନିଜର ଯାନ ଗୁଡିକୁ ରଖିବେ । ପୁଣି ସେଠାରୁ ପିକେଆରଆଇଟି ଛକ, କେନ୍ଦ୍ରୀୟ ବିଦ୍ୟାଳୟ, ଭୁଦାନ ଛକ, ଗ୍ରୀଡ ଷ୍ଟେସନ୍ ଛକ, ବାଲିଘାଟ ଛକ, ସମଙ୍ଗରା ଗ୍ରାମ ଦେଇ ବାଟଗାଁ ଛକ ଠାରୁ ଭୁବନେଶ୍ୱର ପାଇଁ ପ୍ରସ୍ଥାନ କରିବେ ।

### କୋଣାର୍କ ପାର୍ଶ୍ୱ




କୋଣାର୍କ ପଟୁ ଆସୁଥିବା ସମସ୍ତ ହାଲୁକା ମୋଟର ଯାନଗୁଡିକ ବାଇଦାସ ନଗର ଛକ, ଗ୍ରୀଡ ଷ୍ଟେସନ୍ ଛକ ଦେଇ ତାଳବଣିଆ ପଟେ ନିର୍ଦ୍ଧାରିତ ଯାନ ରହଣି ସ୍ଥଳ ପର୍ଯ୍ୟନ୍ତ ଯିବେ । ତାଳବଣିଆ ପଟେ ବିଧାନସଭା ଅତିଥି ଭବନ, ଶିକ୍ଷ ତାଲିମ କେନ୍ଦ୍ର, ହେଲିପ୍ୟାଡ୍, ଇଣ୍ଡୋର ଷ୍ଟାଡିଅମ, ଉଦ୍ୟାନ କୃଷି ପଡିଆ ଓ ସ୍ୱଚ୍ଛ ମାଛ ବଜାର ଠାରେ କ୍ରମାନ୍ୱୟରେ ନିଜ ନିଜର ଯାନ ଗୁଡିକୁ ରଖିବେ । ପୁଣି ସେଠାରୁ ସେହି ସମାନ ବାଟ ଦେଇ ପ୍ରସ୍ଥାନ କରିବେ ।

**Any one requiring any assistance 24x7 Puri Police help line number- 6370967100**

SPPuri1 SPPuri SPPuri